ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

କୋଭିଡ୍-୧୯ ପି.ଆର୍. ନଂ-୧୭
ଅପରାହ୍ଣ-୪.୩୦ ଘଟିକା

# ପ୍ରେସ୍ ବିବୃତି

ଭୁବନେଶ୍ୱର : ୩୦ ମାର୍ଚ୍ଚ,୨୦୨୦

କରୋନା ଭୂତାଣୁ ରୋଗ (କୋଭିଡ୍-୧୯)ର ସଂକ୍ରମଣକୁ ପ୍ରତିହତ କରିବା ନିମନ୍ତେ ଓଡ଼ିଶା ସରକାର ଗ୍ରହଣ କରିଥିବା ବିଭିନ୍ନ ପଦକ୍ଷେପ ଉପରେ ରାଜ୍ୟ ସରକାରଙ୍କ ମୁଖ୍ୟ ମୁଖପାତ୍ର ଶ୍ରୀ ସୁବ୍ରତ ବାଗ୍‌ଚୀ ଆଜି ଅପରାହ୍ଣରେ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି ।

- ଲକ୍ ଡାଉନ୍ ଯୋଗୁଁ ବିଭିନ୍ନ ରାଜ୍ୟରେ ଅଟକି ରହିଥିବା ବ୍ୟକ୍ତିବିଶେଷଙ୍କ ପାଇଁ ସମସ୍ତ ମୌଳିକ ସୁବିଧା ଯୋଗାଇଦେବା ନିମନ୍ତେ ଭାରତ ସରକାର ସମସ୍ତ ରାଜ୍ୟ ସରକାରମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ।

- ଏହି ପରିପ୍ରେକ୍ଷୀରେ ଦେଶର ବିଭିନ୍ନ ରାଜ୍ୟରେ ଅଟକି ରହିଥିବା ଓଡ଼ିଆମାନଙ୍କୁ ସବୁ ପ୍ରକାର ସହାୟତା ଯୋଗାଇଦେବାକୁ ରାଜ୍ୟ ସରକାର ପଦକ୍ଷେପ ନେଇଛନ୍ତି । ଏହି ଉଦ୍ଦେଶ୍ୟରେ ବିଭିନ୍ନ ରାଜ୍ୟ ପାଇଁ ବରିଷ୍ଠ ପ୍ରଶାସକମାନଙ୍କୁ ‘‘ନୋଡାଲ୍ ଅଧିକାରୀ’’ ଭାବରେ ଦାୟିତ୍ୱ ପ୍ରଦାନ କରାଯାଇଛି । ବିଭିନ୍ନ ରାଜ୍ୟର ଦାୟିତ୍ୱରେ ରହିଥିବା ଏହି ଅଧିକାରୀମାନଙ୍କର ଟେଲିଫୋନ୍ ନମ୍ବର ଏବଂ ଇ-ମେଲ୍ ଆଇଡି ମଧ୍ୟ ଦିଆଯାଇଛି । ଏଥି ସହିତ କଣ୍ଟ୍ରୋଲ୍ ରୁମ୍ ନଂ. ୦୬୭୪-୨୩୯୨୧୧୫ରେ ମଧ୍ୟ ସଂପର୍କ ରଖିହେବ । ଏହି ନୋଡାଲ୍ ଅଧିକାରୀମାନେ ନିୟମିତ ଭାବରେ ବିଭିନ୍ନ ରାଜ୍ୟରେ ଅଟକି ରହିଥିବା ଓଡ଼ିଆ ଶ୍ରମିକମାନଙ୍କ ସହିତ ଯୋଗାଯୋଗରେ ଅଛନ୍ତି । ସେମାନଙ୍କୁ ସମସ୍ତ ସହାୟତା ଯୋଗାଇଦେବା ପାଇଁ ସରକାର ଯତ୍ନଶୀଳ ରହିଛନ୍ତି ।

- ରାଜ୍ୟର ବିଭିନ୍ନ ସ୍ଥାନରେ ଅଟକି ରହିଥିବା ବାହାର ରାଜ୍ୟର ଶ୍ରମଜୀବୀମାନଙ୍କୁ ସବୁ ପ୍ରକାର ସହାୟତା ଯୋଗାଇଦେବା ସହ ସେମାନଙ୍କୁ ଅତିଥି ଭାବେ ବ୍ୟବହାର କରିବାକୁ ରାଜ୍ୟ ସରକାର ନିର୍ଦ୍ଦେଶ ଦେଇଛନ୍ତି । ସେମାନଙ୍କ ରହିବା ଏବଂ ଖାଦ୍ୟପେୟ ପାଇଁ ଅସ୍ଥାୟୀ ଶିବିର ଖୋଲାଯାଇଛି ।

**‘ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ’**

ବର୍ତ୍ତମାନ ସୁଦ୍ଧା ୨୫୨ଟି ଅସ୍ଥାୟୀ ଶିବିରରେ ପ୍ରାୟ ୧୮,୦୦୦ ଶ୍ରମଜୀବୀଙ୍କୁ ରଖାଯାଇଛି । ସେମାନଙ୍କ ପାଇଁ ୨୪ ଘଣ୍ଟିଆ ହେଲପ୍ଲାଇନ୍ ୧୮୦୦୩୪୫୬୭୦୩ କାର୍ଯ୍ୟ କରୁଛି ।

- ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ ରାଜ୍ୟର ୨୨୬୧ଟି ଗ୍ରାମ ପଞ୍ଚାୟତରେ ୧,୨୫,୨୩୭ ଜଣ ଓ ୮୦ଟି ପୌରାଞ୍ଚଳରେ ୧୯,୮୮୬ ଜଣ ନିରାଶ୍ରୟ ଓ ଅସହାୟମାନଙ୍କୁ ରନ୍ଧାଖାଦ୍ୟ ଯୋଗାଇ ଦିଆଯାଇଛି । ସେମାନେ ଏହି ରନ୍ଧାଖାଦ୍ୟ ଘରକୁ ନେଇପାରିବେ । ପରିସ୍ଥିତିକୁ ଦୃଷ୍ଟିରେ ରଖି ଏହି କାର୍ଯ୍ୟକ୍ରମ ବଳବତ୍ତର ରହିବ ।

- ପୂର୍ବରୁ ରାଜ୍ୟକୁ ଫେରିଥିବା ବ୍ୟକ୍ତିବିଶେଷଙ୍କ ନିମନ୍ତେ ଅସ୍ଥାୟୀ ସ୍ୱାସ୍ଥ୍ୟ ଶିବିର ଖୋଲା ଯାଇଛି, ଯେଉଁଠାରେ ସେମାନେ ସଙ୍ଗରୋଧରେ ରହିପାରିବେ ।

- ସାମାଜିକ ସୁରକ୍ଷା ଯୋଜନା ଅନ୍ତର୍ଭୁକ୍ତ ସମସ୍ତ ହିତାଧିକାରୀଙ୍କୁ ୪ ମାସର ଅଗ୍ରୀମ ପେନ୍ସନ୍ ଦିଆଯାଉଛି । ବର୍ତ୍ତମାନ ସୁଦ୍ଧା ୬୦ ପ୍ରତିଶତ ହିତାଧିକାରୀଙ୍କୁ ପେନ୍ସନ୍ ବଣ୍ଟା ସରିଥିବାବେଳେ ଅବଶିଷ୍ଟ ହିତାଧିକାରୀଙ୍କୁ ପେନ୍ସନ୍ ଦିଆଯିବାର ପ୍ରକ୍ରିୟା ଜାରି ରହିଛି ।

- ରାଜ୍ୟରେ କ୍ଷୀର ଓ ପନିପରିବା ସମେତ ବିଭିନ୍ନ ଅତ୍ୟାବଶ୍ୟକ ସାମଗ୍ରୀ ଯଥେଷ୍ଟ ପରିମାଣରେ ମହଜୁଦ୍ ଅଛି । ଏଥି ପାଇଁ ବିଚଳିତ ନହୋଇ ପ୍ରତି ସପ୍ତାହରେ ଥରେ ମାତ୍ର ଏହି ସାମଗ୍ରୀସବୁ ସଂଗ୍ରହ କରିବା ପାଇଁ ବାହାରକୁ ଆସିବା ନିମନ୍ତେ ଜନସାଧାରଣଙ୍କୁ ପରାମର୍ଶ ଦିଆଯାଇଛି । ଏହା ଫଳରେ ସାମାଜିକ ଦୂରତା ବଜାୟ ରହିବ ଏବଂ କରୋନା ମହାମାରୀ ସଂକ୍ରମଣକୁ ପ୍ରତିହତ କରାଯାଇପାରିବ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଲକ୍ ଡାଉନ୍ ସମୟରେ ରାଜ୍ୟର ୫ଟି ମହାନଗର ନିଗମ ଓ ୪୮ଟି ପୌରସଂସ୍ଥା ଅଞ୍ଚଳରେ ବୁଲା ଜୀବଜନ୍ତୁମାନଙ୍କୁ ଖାଦ୍ୟ ଯୋଗାଇଦେବା ପାଇଁ ମୁଖ୍ୟମନ୍ତ୍ରୀଙ୍କ ରିଲିଫ୍ ପାଣ୍ଠିରୁ ୫୪ ଲକ୍ଷ ଟଙ୍କା ମଞ୍ଜୁର କରିଛନ୍ତି ।

- ରାଜ୍ୟରେ କୋଭିଡ୍-୧୯ ନିୟମ ଏବଂ ମାର୍ଗଦର୍ଶିକା ଉଲ୍ଲଂଘନ କରିଥିବା ଅଭିଯୋଗରେ ୨୯ ମାର୍ଚ୍ଚରୁ ୩୦ ମାର୍ଚ୍ଚ ସକାଳ ପର୍ଯ୍ୟନ୍ତ ୨୪ ଘଣ୍ଟା ମଧ୍ୟରେ ୨୨୪ଟି ମାମଲା ଦାୟର କରାଯାଇଛି । ଏଥି ମଧ୍ୟରେ ୩ଟି ମାମଲା ହୋମ୍ କ୍ୱାରାଣ୍ଟାଇନ୍ ଉଲ୍ଲଂଘନ ଅଭିଯୋଗରେ ଦାୟର ହୋଇଛି ।

**‘ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ’**

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଆଜି ମଧ୍ୟାହ୍ନ ୧୨ଟା ସୁଦ୍ଧା ଓଡ଼ିଶାରେ ୩୭୦ଟି ନମୁନା କୋଭିଡ୍-୧୯ ପରୀକ୍ଷା ପାଇଁ ପଠାଯାଇଛି । ବର୍ତ୍ତମାନ ସୁଦ୍ଧା ସମୁଦାୟ ୩ଟି ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।

- ପ୍ରଥମ ୨ଟି ପଜିଟିଭ୍‌ଙ୍କ ସଂସ୍ପର୍ଶରେ ଆସିଥିବା ୫୫ ଜଣ ବ୍ୟକ୍ତି ଯୋଗାଯୋଗରେ ଅଛନ୍ତି । ତୃତୀୟ ପଜିଟିଭଙ୍କ ସଂସ୍ପର୍ଶରେ ଆସିଥିବା ୧୧୨ ଜଣଙ୍କୁ ଆଜି ପର୍ଯ୍ୟନ୍ତ ଚିହ୍ନଟ କରାଯାଇଛି ଓ ଯୋଗାଯୋଗ ଜାରି ରହିଛି ।

- ଆଜି ୭୬ ଜଣ କରୋନା ସନ୍ଦିଗ୍ଧ ବିଭିନ୍ନ ଚିକିତ୍ସାଳୟରେ ପୃଥକ୍‌ବାସରେ ଅଛନ୍ତି ।

- ଆଜି ପର୍ଯ୍ୟନ୍ତ ମୋଟ ୧୦୨୧୭ ଜଣ ଅନ୍‌ଲାଇନ୍ ଏବଂ ୧୦୪ ମାଧ୍ୟମରେ ପଞ୍ଜୀକରଣ କରାଇଛନ୍ତି । ସେମାନଙ୍କ ମଧ୍ୟରୁ ୪୨୯୧ ଜଣ ବିଦେଶରୁ ଓ ୫୯୨୬ ଜଣ ଅନ୍ୟ ରାଜ୍ୟରୁ ଫେରିଛନ୍ତି ।

ସୁଚେତା ପ୍ରିୟଦର୍ଶିନୀ
ପଠାଣି ରାଉତ
ସୂଚନା ଅଧିକାରୀ

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**